ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୨୬ ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୧୧୨୩୫ ରେ ପହଞ୍ଚିଲା - ସୁସ୍ଥ ହେଲେ ୩୪ ଜଣ ।

ଅନୁଗୋଳ, ତା,୧୦.୧୨:- ଆଜି ଅନୁଗୋଳ ଜିଲ୍ଲାରେ ୨୬ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ୱାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଙ୍କ ସଂଖ୍ୟା ୧୯୭ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଅନୁଗୋଳ ପୌରାଞ୍ଚଳରୁ ୭ଜଣ ( ୬ଜଣ ପୁରୁଷ ଓ ୧ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୬ଜଣ ( ୪ଜଣ ପୁରୁଷ ଓ୨ ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୫ଜଣ (୪ ଜଣ ପୁରୁଷ ଓ ୧ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ମହିଳା) ଓ ଅନୁଗୋଳ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଆଜି ତାଳଚେର ପୌରାଞ୍ଚଳ, କିଶୋରନଗର ବ୍ଲକ , ଆଠମଲ୍ଲିକ ବ୍ଲକ୍ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦ ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୩୪ଜଣ ଯାକ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୮୦୩ ତା.୧୦.୧୨.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

୧୦/୧୨/୨୦୨୦

ପ୍ର. ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ